Sankha Bhawan
Plot No. 798, Unit - VI
Bhubaneswar - 751001, Odisha

Ph : 0674-2393464, 2395979
email : bijujanatadal@gmail.com

BJD

# BIJU JANATA DAL

<u>ବିଜେଡିର ମିଶ୍ରଣ ପର୍ବ</u>

## ବିଜେଡ଼ିରେ ଯୋଗଦେଲେ ଦଶପଲ୍ଲା ଏନଏସିର ୨ କାଉନସିଲର

**ଭୁବନେଶ୍ୱର, ୩୦/୦୩/୨୦୨୪:** ଦଶପଲ୍ଲା ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ଦଶପଲ୍ଲା ଏନଏସିର ୨ ବିଜେପି କାଉନସିଲରଙ୍କ ସହ ଜଣେ ବିଜେପି ଜିଲ୍ଲାପରିଷଦ ପ୍ରାର୍ଥୀ ଆଜି ଶଙ୍ଖଭବନ ଠାରେ ଦଶପଲ୍ଲା ବିଧାୟକ ରମେଶ ଚନ୍ଦ୍ର ବେହେରା ଓ ରାଜ୍ୟସଭା ସାଂସଦ ଡକ୍ଟର ସସ୍ମିତ ପାତ୍ରଙ୍କ ଉପସ୍ଥିତିରେ ବିଜେଡିରେ ଯୋଗ ଦେଇଛନ୍ତି। ଦଳରେ ସାମିଲ୍ ହୋଇଥିବା ୨ କାଉନସିଲର ଓ ଜିଲ୍ଲାପରିଷଦ ପ୍ରାର୍ଥୀଙ୍କୁ ଶ୍ରୀ ବେହେରା ଓ ଡକ୍ଟର ପାତ୍ର ଉପଢୌକନ ଦେଇ ଦଳକୁ ସ୍ୱାଗତ କରିଥିଲେ। ଆଜି ବିଜେପି କର୍ମୀଙ୍କ ଯୋଗଦାନ ଫଳରେ ବିଶେଷକରି ଦଶପଲ୍ଲା ନିର୍ବାଚନ ମଣ୍ଡଳୀରେ ଦଳୀୟ ସଂଗଠନ ଆହୁରି ମଜଭୂତ ହେବ ବୋଲି ଶ୍ରୀ ବେହେରା ଓ ଡକ୍ଟର ପାତ୍ର କହିଥିଲେ।

ଏହି ଅବସରରେ ବିଜେଡ଼ିରେ ସାମିଲ୍ ହୋଇଥିବା ବିଜେପି ନେତାମାନେ ନିଜ ପ୍ରତିକ୍ରିୟାରେ କହିଥିଲେ ଯେ, ମାନ୍ୟବର ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ସୁପ୍ରିମୋ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ଲୋକାଭିମୁଖୀ କାର୍ଯ୍ୟ, ସ୍ୱଚ୍ଛ ଶାସନ, ନିର୍ମଳ ଭାବମୂର୍ତ୍ତି ଓ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ଆଜି ବିଧିବଦ୍ଧ ଭାବେ ବିଜେଡିରେ ଯୋଗ ଦେଲୁ । ନୂତନ ଓଡ଼ିଶା ଗଠନ ଦିଗରେ ମାନ୍ୟବର ମୁଖ୍ୟମନ୍ତ୍ରୀ ମୋତେ ଯାହା ଦାୟିତ୍ୱ ଦେବେ ତାକୁ ସୁଚାରୁ ରୂପେ ତୁଲାଇବୁ । ଦଳରେ ଆମକୁ ଗ୍ରହଣ କରିଥିବାରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଦଳର ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଏବଂ ସମସ୍ତ ନେତୃବୃନ୍ଦଙ୍କୁ କୃତଜ୍ଞତା ଜ୍ଞାପନ କରୁଛୁ ।

ଏହି ମିଶ୍ରଣ ପର୍ବରେ ଦଶପଲ୍ଲା ଏନଏସି ୱାର୍ଡ଼ ନଂ ୧୧ର ବିଜେପି କାଉନସିଲର କିରଣ କୁମାର ସାହୁ, ୱାର୍ଡ଼ ନଂ ୫ର ବିଜେପି କାଉନସିଲର ମାନିନୀ ସେଠୀ ଓ ଗରିଆ ବ୍ଲକ ଜୋନ ୮ର ବିଜେପି ଜିଲ୍ଲାପରିଷଦ ପ୍ରାର୍ଥୀ ମନୋରଞ୍ଜନ ମହାପାତ୍ର ବିଜେଡ଼ିରେ ସାମିଲ ହୋଇଥିଲେ। ଏହି ମିଶ୍ରଣ ପର୍ବରେ ଅନ୍ୟମାନଙ୍କ ମଧ୍ୟରେ ଦଶପଲ୍ଲା ଏନଏସିର ବିଜେଡ଼ି କାଉନସିଲରମାନେ ମଧ୍ୟ ଉପସ୍ଥିତ ଥିଲେ । ଶେଷରେ ବିଜେଡ଼ି ମୁଖପାତ୍ର ଡଃ ପ୍ରିୟବ୍ରତ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ।

ଡଃ ପ୍ରିୟବ୍ରତ ମାଝୀ

(ପ୍ରିୟବ୍ରତ ମାଝୀ)

ମୁଖପାତ୍ର, ବିଜୁଜନତା ଦଳ


ବି ଜେ ଡି
ODISHA


ODISHA